# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 225 CUTTACK, MONDAY, FEBRUARY 13, 2017/MAGHA 24, 1938**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 31 ଜାନୁଆରୀ 2017

ସଂଖ୍ୟା 3577—RDM-LAB-KLD-0018/2016-R&DM.—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍ ୨୦୧୩ର ଧାରା ୧୯ର ଅଧିନିୟମ (୧) ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ୍‌ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, କଳାହାଣ୍ଡିଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା ତେନ୍ତୁଳିପଦର, ଥାନା ନର୍ଲା ନଂ. ୧୨୫, ତହସିଲ ନର୍ଲା, ଜିଲ୍ଲା କଳାହାଣ୍ଡିରେ ନିମ୍ନସୂଚିତ 'କ' ତଫସିଲ ଜମି ଏହି ଆଇନ୍‌ର ଧାରା ୨ (୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା କଳାହାଣ୍ଡି ଜିଲ୍ଲାର ରେତ ମଧ୍ୟମ ଜଳସେଚନ ପ୍ରକଳ୍ପର ଟିକିରାପଡା ସବମାଇନର ନଂ. ୧ କେନାଲ ଖନନ ନିମନ୍ତେ ନିର୍ବାହୀ ଯନ୍ତ୍ରୀ, ରେତ କେନାଲ ଡିଭିଜନ, ଭବାନୀପାଟଣା, କଳାହାଣ୍ଡିଙ୍କ ଦ୍ୱାରା ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୨୪୬୬୪, ତାରିଖ ୯ ଅଗଷ୍ଟ ୨୦୧୬ରେ ପ୍ରକାଶିତ ହୋଇଅଛି ;

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା ତେନ୍ତୁଳିପଦର, ଥାନା ନର୍ଲା, ଜିଲ୍ଲା କଳାହାଣ୍ଡିରେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା, ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www. kalahandi.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ www.odisha.gov.in/ revenue ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା, ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ତଫସିଲ-କ

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା- କଳାହାଣ୍ଡି ତହସିଲ-ନର୍ଲା

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ତେନ୍ତୁଳିପଦର | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ କରାଗଲା | ଏଥିସହିତ ସଂଲଗ୍ନ କରାଗଲା | ଏଥିସହିତ ସଂଲଗ୍ନ କରାଗଲା | ୦.୯୦ ଏକର | ୦.୦୭ ଏକର | ଏଥିସହିତ ସଂଲଗ୍ନ କରାଗଲା |

ତଫସିଲ-ଖ

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା- କଳାହାଣ୍ଡି ତହସିଲ-ନର୍ଲା

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

**ଭୂମି ଅନୁସୂଚୀ**

ତଫସିଲ-କ

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଗ୍ରାମଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ଜମିର ମୋଟ ରକବା | ଅଧିସୂଚିତ ହେବାକୁଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) | (୮) | (୯) | (୧୦) |
| | | | | | | | ଏକର | ଏକର | |
| କଳାହାଣ୍ଡି | ନର୍ଲା | ତେନ୍ତୁଲିପଦର | ଗ୍ରାମାଞ୍ଚଳ | ୩୨ | ୨୭ | ଆଟ | ୦.୯୦ | ୦.୦୭ | ଲୋକନାଥ ବିଶ୍ୱାଳ, ପି. ଦୟା ବିଶ୍ୱାଳ, ସାବିତ୍ରୀ ବିଶ୍ୱାଳ, ସ୍ୱା. ଦୟା ବିଶ୍ୱାଳ, ରୁକ୍ମଣୀ ବିଶ୍ୱାଳ, ସ୍ୱା. ଗଣ୍ଡି ବିଶ୍ୱାଳ । |
| | | | | | | **ମୋଟ** | .. | **୦.୦୭** | |

ତଫସିଲ-ଖ

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ମୌଜା- ତେନ୍ତୁଲିପଦର ଥାନା-ନର୍ଲା, ଜିଲ୍ଲା- କଳାହାଣ୍ଡି

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଗ୍ରାମାଂଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ଜମିର ମୋଟ ରକବା | ଅଧିସୂଚିତ ହେବାକୁ ଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ | ୯ | ୧୦ |
| ଏହାର ଆବଶ୍ୟକତା ନାହିଁ | | | | | | | | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 2095—173+20